### ବିଜେପିର ମିଶ୍ରଣ ପର୍ବ

# କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଉପସ୍ଥିତିରେ ଦଳରେ ସାମିଲ ହେଲେ ପ୍ରଧାପିକା ତଥା ପ୍ରାବନ୍ଧିକା ଡ. ରଂଜିତା ପ୍ରଧାନ

**ଭୁବନେଶ୍ୱର, ତା.୧୫/୧୨ :** ମାନ୍ୟବର ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ଏବଂ ରାଷ୍ଟ୍ରୀୟ ଅଧକ୍ଷ ଶ୍ରୀ ଅମିତ ଶାହାଙ୍କ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଉପସ୍ଥିତିରେ ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକର ପ୍ରଧାପିକା ତଥା ପ୍ରାବନ୍ଧିକା ଡ. ରଂଜିତା ପ୍ରଧାନ ବିଜେପିରେ ଯୋଗ ଦେଇଛନ୍ତି । ଡ. ପ୍ରଧାନ ଜଣେ ଉଚ୍ଚକୋଟୀର ପ୍ରାବନ୍ଧିକା ତଥା ଗାଳ୍ପିକା ଭାବେ ବେଶ୍ ପରିଚିତା । ଡ. ପ୍ରଧାନ ବିଶିଷ୍ଟ ଐତିହାସିକ ଡ. ମନୋଜ ଦାସଙ୍କ ପୁତ୍ରବଧୂ ଅଟନ୍ତି ।

କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ, ଡ.ପ୍ରଧାନଙ୍କୁ ଉତରୀୟ ଏବଂ ଟୋପି ପିନ୍ଧାଇ ବିଦ୍ଧିବଦ୍ଧ ଭାବେ ଦଳରେ ସାମିଲ କରାଇଛନ୍ତି । ରାଜ୍ୟ ବିଜେପି ଉପସଭାପତି ଶ୍ରୀ ସମୀର ମହାନ୍ତି, ଡ. ପ୍ରଧାନଙ୍କୁ ସ୍ୱାଗତ କରିବା ସହ ସାଧୁବାଦ ଜଣାଇଛନ୍ତି । ଏହି ମିଶ୍ରଣ ଦ୍ୱାରା ଦଳ ଆହୁରି ମଜବୁତ୍ ହେବ ବୋଲି ଶ୍ରୀ ମହାନ୍ତି କହିଛନ୍ତି ।

ଦଳୀୟ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି ମିଶ୍ରଣ ପର୍ବ କାର୍ଯ୍ୟକ୍ରମରେ ବିଜେପି ରାଷ୍ଟ୍ରୀୟ କାର୍ଯ୍ୟକାରିଣୀ ସଦସ୍ୟ ଶ୍ରୀ ପ୍ରତାପ ଷଡଙ୍ଗୀ, ବିଧାୟକ ଶ୍ରୀ ଗୋବିନ୍ଦ ଦାସ, ସଂପାଦିକା ଡ. ଲେଖାଶ୍ରୀ ସାମନ୍ତସିଂହାର ଓ ଶୋଭନା ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ ।

**(ବିଜେପି ମିଡିଆ ସେଲ୍)**